ପ୍ରେସ ନୋଟ

# ଆଜି ଅନୁଗୋଳ ଜିଲ୍ଲାରୁ ୦୨ ଜଣ କରୋନା ପଜିଟିଭ ଚିହ୍ନଟ –

## ପଜିଟିଭ ସଂଖ୍ୟା ୧୨୩୫୪ ରେ ପହଞ୍ଚିଲା ।

ଅନୁଗୋଳ, ତା.୨୭.୦୨:- ଆଜି ଅନୁଗୋଳ ଜିଲ୍ଲାରେ ୦୨ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ଆଜି (ସ୍ୱାବ ନମୁନା ଦେଇଥିବା ବ୍ୟକ୍ତି) କେହି ଆକ୍ରାନ୍ତ ଚିହ୍ନଟ ହୋଇ ନଥିବାରୁ ଆକ୍ରାନ୍ତଙ୍କ ସଂଖ୍ୟା ୨୪୦ ରେ ରହିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ଅନୁଗୋଳ ପୌରାଞ୍ଚଳ ଅଂଚଳରୁ ୧ଜଣ (୧ଜଣ ମହିଳା) ଓ ତାଳଚେର ବ୍ଲକ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ) ଅଛନ୍ତି । ଆଜି ଛେଣ୍ଡିପଦା ବ୍ଲକ, କଣିହାଁ ବ୍ଲକ , କିଶୋରନଗର ବ୍ଲକ, ବଣ୍ଡରପାଳ ବ୍ଲକ, ଅନୁଗୋଳ ବ୍ଲକ, ତାଳଚେର ପୌରାଞ୍ଚଳ, ଆଠମଲ୍ଲିକ ବ୍ଲକ, ପାଲଲହଡା ବ୍ଲକ ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦ ପ୍ରଭୃତି ୯ଟି ଅଂଚଳରୁ କୌଣସି ପଜିଟିଭ ଚିହ୍ନଟ ହୋଇନାହାନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।**

ଜ୍ଞାପକ ସଂଖ୍ୟା ୧୫୭ ତା.୨୭.୦୨.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ଇଂଜୀବ ତା.୨୭.୨.୨୦୨୧

ଜି. ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ,
ଅନୁଗୋଳ